# ଭୁବନେଶ୍ୱର ମହାନଗର ନିଗମ, ଭୁବନେଶ୍ୱର

## ଗ୍ରୀଭାନ୍‌ସେସ୍ ଆଣ୍ଡ୍ ସୋସିଆଲ୍ ଜଷ୍ଟିସ୍ ଷ୍ଟାଣ୍ଡିଂ କମିଟି ବୈଠକ ବିବରଣୀ

ତା ୧୯.୧୦.୨୦୨୨ ରିଖ

ସମୟ-ଅପରାହ୍ନ ଘ.୪.୦୦ ଟିକା
ସ୍ଥାନ- ନିଗମ ସଭାକକ୍ଷ "ଏକାମ୍ର"

ଉପସ୍ଥିତ ସଭ୍ୟ/ସଭ୍ୟା:-

୧. ଶ୍ରୀମତୀ ବିନୟିନୀ ଜେନା, ଚେୟାର୍‌ପରସନ୍,
୨. ଶ୍ରୀ ଶିବ ନାରାୟଣ ରାୟ,
୩. ଶ୍ରୀମତୀ ପ୍ରଭାସିନି ମହାନ୍ତି,
୪. ଶ୍ରୀମତୀ ଇତିଶ୍ରୀ ଦାସ,
୫. ଶ୍ରୀମତୀ ସଞ୍ଜୁକ୍ତା ସୁନ୍ଦରାୟ

ଅଦ୍ୟ ତା ୧୯.୧୦.୨୦୨୨ ରିଖ ଅପରାହ୍ନ ଘ. ୪.୦୦ ଟିକା ସମୟରେ ନିଗମ ସଭାକକ୍ଷ "ଏକାମ୍ର" ରେ ଭୁବନେଶ୍ୱର ମହାନଗର ନିଗମର ଗ୍ରୀଭାନ୍‌ସେସ୍ ଆଣ୍ଡ୍ ସୋସିଆଲ୍ ଜଷ୍ଟିସ୍ ଷ୍ଟାଣ୍ଡିଂ କମିଟିର ଏକ ବୈଠକ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ କମିଟିର ସଭାପତି ଶ୍ରୀମତୀ ବିନୟିନୀ ଜେନା ସଭାପତିତ୍ୱ କରିଥିଲେ । ପ୍ରାରମ୍ଭରେ ସଭାପତି ଉପସ୍ଥିତ ସଭ୍ୟ/ସଭ୍ୟା ମାନଙ୍କୁ ସ୍ୱାଗତ କରିବା ପରେ ସଭା କାର୍ଯ୍ୟ ଆରମ୍ଭ ହୋଇଥିଲା ।

ପ୍ରସ୍ତାବ-୧. ସଭାପତିଙ୍କ ଅନୁମତି କ୍ରମେ ନିମ୍ନଲିଖିତ ପ୍ରସ୍ତାବ ଉପରେ ଆଲୋଚନା କରାଯାଇ ନିମ୍ନମତେ ସିଦ୍ଧାନ୍ତ ଗ୍ରହଣ କରାଗଲା ।

ନିର୍ଦ୍ଧାରଣ-୧(୧). ଭୁବନେଶ୍ୱର ମହାନଗର ନିଗମାଂଚଳରେ ରାସ୍ତା କଡ଼ରେ ଥିବା ଗଛଡ଼ାଳ ରାସ୍ତା ଉପରକୁ ମାଡ଼ି ଯାଇଥିବାରୁ ବିଦ୍ୟୁତ୍ ଆଲୋକ ରାସ୍ତା ଉପରେ ପଡୁନାହିଁ, ତେଣୁ ଗଛଡ଼ାଳ ଗୁଡ଼ିକୁ କାଟିବା ପାଇଁ ପରିବେଶ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ନିର୍ଦ୍ଧାରଣ-୧(୨). ଭୁବନେଶ୍ୱର ମହାନଗର ନିଗମାଂଚଳର ଜନସାଧାରଣଙ୍କ ସୁବିଧା ନିମନ୍ତେ ଆଉ ଗୋଟିଏ ମହାଯାତ୍ରା ଗାଡ଼ି କ୍ରୟ କରିବା ପାଇଁ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ସର୍ବ ଶେଷରେ ସମସ୍ତ ସଭ୍ୟ/ସଭ୍ୟା ମାନେ ବୈଠକରେ ଉପର ବର୍ଣ୍ଣିତ ଆଲୋଚନାରେ ଅଂଶଗ୍ରହଣ କରି ସୁଚିନ୍ତିତ ମତାମତ ପ୍ରଦାନ କରିଥିବାରୁ ସଭାପତି ସମସ୍ତଙ୍କୁ ଧନ୍ୟବାଦ ଦେବା ପରେ ଅପରାହ୍ନ ୫.୫୦ ମିନିଟ୍ ସମୟରେ ସଭା ସାଙ୍ଗ କରାଗଲା ।

ସ୍ୱା/- ବିନୟିନୀ ଜେନା
ସଭାପତି
ତା ୧୯.୧୦.୨୦୨୨ ରିଖ